# भाकृअनुप – राष्ट्रीय चावल अनुसंधान संस्थान

**ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬**

**(An ISO 9001: 2015 Certified Institute)**

## କୃଷି ସୂଚନା ସେବା (ଧାନ)

### ୨୦୨୩ ମସିହା ଅଗଷ୍ଟ ମାସ ଦ୍ୱିତୀୟ ପକ୍ଷ ପାଇଁ କାର୍ଯ୍ୟପନ୍ଥା

**ରୁଆ ଧାନ :**

- ଅଗଷ୍ଟ ମାସ ଦ୍ୱିତୀୟ ପକ୍ଷ ଶେଷ ସୁଦ୍ଧା ତଳି ରୁଆ ଶେଷ କରି ଦିଅନ୍ତୁ ।
- ଅଧିକ ଅମଳକ୍ଷମ କିସମ ପାଇଁ ଏକର ପିଛା (୩୫ କି.ଗ୍ରା. ଡି.ଏ.ପି + ୨୭ କି.ଗ୍ରା ଏମ୍.ଓ.ପି) କିମ୍ବା (୧୮ କି.ଗ୍ରା ୟୁରିଆ + ୧୦୦ କି.ଗ୍ରା. ଏସ୍.ଏସ୍.ପି. + ୨୭ କି.ଗ୍ରା ଏମ୍.ଓ.ପି) ଶେଷ ଓଡ କାଦୁଅ କରିବା ସମୟରେ ମୂଳସାର ଭାବେ ପ୍ରୟୋଗ କରନ୍ତୁ । ବାଲିଆ ମାଟି ହୋଇଥିଲେ ଏକର ପିଛା (୩୫ କି.ଗ୍ରା. ଡି.ଏ.ପି + ୧୩.୫ କି.ଗ୍ରା. ଏମ୍.ଓ.ପି) କିମ୍ବା (୧୮ କି.ଗ୍ରା ୟୁରିଆ + ୧୦୦ କି.ଗ୍ରା. ଏସ୍.ଏସ୍.ପି. + ୧୩.୫ କି.ଗ୍ରା. ଏମ୍.ଓ.ପି) ମୂଳସାର ଭାବେ ପ୍ରୟୋଗ କରନ୍ତୁ ।
- ସଙ୍କରଜାତୀୟ ଧାନ କିସମ ପାଇଁ (୫୩ କି.ଗ୍ରା. ଡି.ଏ.ପି. + ୨୭ କି.ଗ୍ରା. ଏମ୍.ଓ.ପି.) କିମ୍ବା (୨୬ କି.ଗ୍ରା. ୟୁରିଆ + ୧୫୦ କି.ଗ୍ରା. ଏସ୍.ଏସ୍.ପି. + ୨୭ କି.ଗ୍ରା. ଏମ୍.ଓ.ପି.) ମୂଳସାର ଭାବେ ଶେଷ ଓଡ କାଦୁଅ କରିବା ସମୟରେ ପ୍ରୟୋଗ କରନ୍ତୁ ।
- ଦସ୍ତା ଅଭାବ ଥିବା ଜମିରେ ଏକର ପିଛା ୧୦ କି.ଗ୍ରା. ଜିଙ୍କ୍ ସଲଫେଟ୍ କିମ୍ବା ୬ କି.ଗ୍ରା. ଜିଙ୍କ୍-EDTA (ଦୁଇବର୍ଷକୁ ଥରେ) ଶେଷ ଓଡ୍ ଜମି ପ୍ରସ୍ତୁତ ସମୟରେ ପ୍ରୟୋଗ କରନ୍ତୁ ।
- ଯେଉଁ ଜମିରେ ବୋରନ୍‌ର ଅଭାବ ଥାଏ ସେଠାରେ ଏକର ପିଛା ବୋରାକ୍ସ ୨ କି.ଗ୍ରା. ଶେଷ ଓଡ୍ ଜମି ପ୍ରସ୍ତୁତ ସମୟରେ ପ୍ରୟୋଗ କରନ୍ତୁ ।
- ଅଧିକ ଅମଳକ୍ଷମ ଧାନର ୨୫ ରୁ ୩୦ ଦିନର ତଳି ୨୦ X ୧୫ ସେ.ମି. ବ୍ୟବଧାନରେ ବୁଦା ପ୍ରତି ୨-୩ ଟି ତଳିରୁଅନ୍ତୁ ଏବଂ ସଙ୍କରଜାତୀୟ ଧାନ ବୁଦା ପ୍ରତି ୧-୨ ଟି ତଳିରୁଅନ୍ତୁ ।
- ବିଳମ୍ବରେ ଧାନ ତଳି ରୋଇବାର ଥିଲେ ଚାଷୀଭାଇମାନେ କମ୍ ଦିନିଆ ମଧ୍ୟମ କିସମର ୨୫ ରୁ ୩୦ ଦିନିଆ ତଳି କିମ୍ବା ଅଧିକ ଦିନିଆ କିସମର ୪୫ ରୁ ୫୦ ଦିନିଆ ତଳି ରୋଇପାରିବେ । ଅଧିକ ଦିନିଆ ତଳିକୁ ୧୫ X ୧୫ ସେ.ମି. ବ୍ୟବଧାନରେ ୪ ରୁ ୫ ଟି ତଳି ଅଳ୍ପ ଗଭୀରରେ ରୋଇବା ଉଚିତ୍ ।
- ଘାସ ନିୟନ୍ତ୍ରଣ ପାଇଁ ଏକର ପିଛା ୪ କି.ଗ୍ରା. ଘାସମରା ଦାନାଦାର ବେନ୍‌ସଲଫ୍ୟୁରାନ୍ ମିଥାଇଲ ୦.୬% + ପ୍ରେଟିଲାକ୍ଲୋର ୬% ଜି.ଆର୍. ସହିତ ୪ କି.ଗ୍ରା ବାଲି ମିଶାଇ ଧାନ ତଳି ରୋଇବାର ୫ ରୁ ୧୦ ଦିନ ପରେ ପ୍ରୟୋଗ କରନ୍ତୁ କିମ୍ବା ଘାସ ଗଜା ହେବାର ୮ ରୁ ୧୦ ଦିନ ପରେ ଅର୍ଥାତ୍ ଘାସ ୨-୩ ଟି ପତ୍ର ହୋଇଥିବା ଅବସ୍ଥାରେ ୧୨୦ ମି.ଲି. ବିସ୍‌ପାଇରିବାକ୍‌ସୋଡିୟମ୍ ୧୦% ଏସ୍.ସି. ୧୬ ଲିଟର କ୍ଷମତା ବିଶିଷ୍ଟ ସ୍ପ୍ରେୟରରେ ୮ ଟାଙ୍କି ଦ୍ରବଣ ପ୍ରୟୋଗ କରନ୍ତୁ କିମ୍ବା ଏକର ପିଛା ୯୦୦ ମି.ଲି. ପେନୋକ୍ସୁଲମ୍ + ସାଇହାଲୋଫପ୍ ବ୍ୟୁଟାଇଲ୍ (ଭିଭାୟ) କିମ୍ବା ଏକର ପିଛା ୨୪୦ ଗ୍ରାମ୍ ଫେନୋକ୍ସାପ୍ରୋ-ପି-ଇଥାଇଲ + ୫୦ ଗ୍ରାମ୍ ଇଥୋକ୍ସିସଲଫ୍ୟୁରାନ୍ (ରୋଇସ୍ଷ୍ଟାର + ସନ୍‌ରାଇଜ୍) ଧାନ ବୁଣିବାର ୧୫ ରୁ ୨୦ ଦିନରେ ୧୬ ଲିଟର କ୍ଷମତା ବିଶିଷ୍ଟ ସ୍ପ୍ରେୟର୍‌ରେ ୮ ଟାଙ୍କି ଦ୍ରବଣ ପ୍ରୟୋଗ କରନ୍ତୁ ।
- ଯଦି ତଳିଘରାରେ ଉକୁଣିଆ ପୋକ ଦେଖାଯାଏ ତେବେଏକର ପ୍ରତି NSKE (ଆଜାଡିରାକ୍ଟିନ୍) ୮୦୦ ମି.ଲି. କିମ୍ବା ଲାମ୍ବଡାସାଇହାଲୋଥ୍ରିନ୍ ୫% ଇ.ସି. ୧୦୦ ମି.ଲି. କିମ୍ବା ଥାୟାମିଥୋକ୍ସାମ୍ ୨୫% ଡବ୍ଲ୍ୟୁ.ଜି. ୪୦ ଗ୍ରାମ୍ ପ୍ରୟୋଗ କରନ୍ତୁ ।

- ଯେଉଁ ଅଞ୍ଚଳରେ ମାଟିଆଗୁଣ୍ଡି ପୋକର ପ୍ରାଦୁର୍ଭାବର ସମ୍ଭାବନା ଅଧିକ ଥାଏ, ସେଠାରେ ୮-୧୦ ଟି ଧାଡି ଧାନ ରୋଇବା ପରେ ଏକ ଧାଡି ବ୍ୟବଧାନ ଛାଡି ପୁଣି ରୁଅନ୍ତୁ ।
- କାଣ୍ଡବିନ୍ଧା ପୋକ ପ୍ରାଦୁର୍ଭାବ ସମ୍ଭାବନା ଥିବା ଅଞ୍ଚଳରେ ଟ୍ରାଇକୋଗ୍ରାମା ଜାପୋନିକମ୍ ପରଜିବୀର ଅଣ୍ଡା ଏକର ପ୍ରତି ୨୦,୦୦୦ (ଅର୍ଥାତ୍ ୧-୨ଟି ଟ୍ରାଇକୋ କାର୍ଡ) ୪-୫ ଥର ବ୍ୟବହାର କରନ୍ତୁ ।
- କାଣ୍ଡବିନ୍ଧା ପୋକ ଓ ପତ୍ରମୋଡା ପୋକର ଦମନ ପାଇଁ ଏକର ପିଛା ଗୋଟିଏ ଲାଇଟଟ୍ରାପ୍ (ଆଲୋକ ଯନ୍ତା) ବ୍ୟବହାର କରନ୍ତୁ ।
- ଧାନ ଫସଲରେ କାଣ୍ଡବିନ୍ଧା ପୋକ ଏବଂ ପତ୍ରମୋଡା ପୋକର ନିରୀକ୍ଷଣ ପାଇଁ ଏକର ପିଛା ତିନୋଟି ଫେରୋମୋନ୍ ଟ୍ରାପ୍ ରଖନ୍ତୁ । ଯଦି ଗୋଟିଏ ଦିନରେ ଟ୍ରାପ୍ ପିଛା ୪ ରୁ ୫ଟି ପୁରୁଷ ପ୍ରଜାପତି ପଡନ୍ତି, ତେବେ ଏକର ପିଛା ୮୦୦ ମି.ଲି. ଆଜାଡିରାକ୍ଟିନ୍ ୦.୧୫% ଇ.ସି. କିମ୍ବା ୪ କି.ଗ୍ରା. କ୍ଲୋରାନଟ୍ରାନିଲିପ୍ରୋଲ୍ ୪% ଜି.ଆର୍. ସହିତ ବାଲି ସମାନ ଭାବରେ ମିଶାଇ କିମ୍ବା ୬୦ ମି.ଲି. କ୍ଲୋରାନ୍‌ଟ୍ରାନିପ୍ରୋଲ ୧୮.୫% ଏସ୍.ସି. କିମ୍ବା ୧୦୦ ରୁ ୧୨୦ ମି.ଲି. ଟେଟ୍ରାନିଲିପ୍ରୋଲ ୨୦୦ ଏସ୍.ସି. ୨୦୦ ଲିଟର ପାଣିରେ କିମ୍ବା ୧୦ କି.ଗ୍ରା. କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. କିମ୍ବା ୫୦ ଗ୍ରାମ୍ ଫ୍ଲୁବେଣ୍ଡାଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି. ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।
- ଧାନବୁଦା ପ୍ରତି ଯଦି ୨ଟି ମୋଡାପତ୍ର ଦେଖାଯାଏ, ତେବେ ପତ୍ରମୋଡା ପୋକର ନିୟନ୍ତ୍ରଣ ପାଇଁ ଏକର ପିଛା ୬୦ ମି.ଲି. କ୍ଲୋରାନ୍‌ଟ୍ରାନିଲିପ୍ରୋଲ ୧୮.୫ % ଏସ୍.ସି. କିମ୍ବା ୫୦ ଗ୍ରାମ୍ ଫ୍ଲୁବେଣ୍ଡାଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି. କିମ୍ବା ୪୦୦ ଗ୍ରାମ୍ କାର୍ଟାପ୍ ୫୦ ଡବ୍ଲ୍ୟୁ.ପି. କିମ୍ବା ୬୪୦ ମି.ଲି. କୁଇନାଲଫସ୍ ୨୫ ଇ.ସି. ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।
- ଅନ୍ୟ ପୁରୁଣା ଗଛରୁ ପିଲ ବାହାରକରି ଶୂନ୍ୟସ୍ଥାନ ପୂରଣ କରନ୍ତୁ ଯେପରିକି ସବୁଆଡେ ଗଛ ସଂଖ୍ୟା ସମାନ ଦେଖାଦେବ ତଥା ବର୍ଗ ମିଟର ପିଛା ୩୩ ଟି ବୁଦା ରହିବ ।
- ଯେଉଁ ଜମିରେ ଦସ୍ତା ପରିମାଣ କମ୍ ଥିବ, ଏକ ଏକର ପିଛା ଜିଙ୍କ୍ ଇ.ଡି.ଟି.ଏ ୧ ଲିଟର ପାଣିରେ ଅଧା ଗ୍ରାମ ମିଶାଇ ତଳି ରୋଇବାର ୩୦ ଦିନ ଏବଂ ୪୫ ଦିନ ପରେଦୁଇ ଥର ସିଞ୍ଚନ କରନ୍ତୁକିମ୍ବାଜିଙ୍କ୍‌ସଲଫେଟ୍ ୦.୫% (ଅର୍ଥାତ୍ ଏକର ପାଇଁ ୨ କି.ଗ୍ରା. ଜିଙ୍କ୍ ସଲଫେଟ୍ ସହିତ ୧୦ କି.ଗ୍ରା. ଚୁନକୁ ୪୦୦ ଲିଟର ପାଣିରେ ପ୍ରସ୍ତୁତ ଦ୍ରବଣ) ୧୫ ଦିନ ବ୍ୟବଧାନରେ ତିନି ଥର ସିଞ୍ଚନ କରନ୍ତୁ ।
- ପତ୍ରାଚ୍ଛଦ ପୋଡା ରୋଗ ଦମନ କରିବା ପାଇଁ ଟେବୁକୋନାଜୋଲ୍ ୫୦% ସହିତ ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲ୍ୟୁ.ଜି. ୦.୪ ଗ୍ରାମ୍ କିମ୍ବା ପ୍ରୋପିକୋନାଜୋଲ୍ ୭୫% ୧ ମି.ଲି. ଏକ ଲିଟର ପାଣିରେ କିମ୍ବା ହେକ୍ସାକୋନାଜଲ ୫୦% ୨ ମି.ଲି. କିମ୍ବା ଭାଲିଡାମାଇସିନ୍ ୩ ଏଲ୍ ୨ ମି.ଲି.ଏକ ଲିଟର ପାଣିରେ ମିଶାଇ ୭-୧୦ ଦିନ ଅନ୍ତରରେ ଦୁଇଥର ସିଞ୍ଚନ କରନ୍ତୁ । ଏକ ଲିଟର ପ୍ରତି ୨୦୦ ଲିଟର ଦ୍ରବଣ ପ୍ରୟୋଗ କରନ୍ତୁ ।
- ଧାନ ଗଛରେ ପତ୍ରପୋଡା/ପତ୍ରାଗାର ରୋଗ ଦେଖା ଦେଲେ ୧ ଲିଟର ପାଣିରେ କପର୍ ଅକ୍ସିକ୍ଲୋରାଇଡ୍ ୧.୫-୨.୦ ଗ୍ରାମ ମିଶାଇ ସିଞ୍ଚନ କରନ୍ତୁ । ୧ ଏକର ଜମି ପାଇଁ ୨୦୦ ଲିଟର ପାଣି ଆବଶ୍ୟକ ହୋଇଥାଏ ।
- ମହିଷା ରୋଗ ଦେଖା ଦେଲେ ଏକ ଲିଟର ପାଣିରେ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% (ନାଟିଭୋ ୭୫% ଡବ୍ଲ୍ୟୁ.ଜି.) ୦.୪ ଗ୍ରାମ୍ କିମ୍ବା କାର୍ବେଣ୍ଡାଜିମ୍ ୫୦ ଡବ୍ଲ୍ୟୁ.ପି ୨ ଗ୍ରାମ୍ ହିସାବରେ ସିଞ୍ଚନ କରନ୍ତୁ । ନତୁବା ଏକ ଲିଟର ପାଣିରେ ସତେଜ ବେଲ ପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ତୁଳସୀ ପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ନିମ୍ବ ପତ୍ର ବଟା (୨୦୦ ଗ୍ରାମ୍ ପତ୍ର) ମିଶାଇ ସିଞ୍ଚନ କରନ୍ତୁ ।

**ଶୁଖିଲା ଛଟା ବୁଣାଧାନ :**

- ଗଭୀର ଓ ସ୍ୱଳ୍ପଗଭୀର ଛଟାବୁଣା ଧାନ ଜମିରେ ଯେଉଁଠାରେ ଘାସମରା ଔଷଧ ପ୍ରୟୋଗ କରାଯାଇନାହିଁ ସେହି ଜମିରେ ୭ ରୁ ୧୦ ସେ.ମି. ଠିଆ ପାଣି ବାନ୍ଧିରଖି ବେଉଷଣି କରନ୍ତୁ ଏବଂ ଏକର ପିଛା ୧୮ କି.ଗ୍ରା ୟୁରିଆ ପିଲସାର ଭାବେ ପ୍ରୟୋଗ କରନ୍ତୁ ।

- ବର୍ଷାଶ୍ରିତ ସ୍ୱଳ୍ପ ଖାଲୁଆ ସିଧା ଛଟାବୁଣା କରାଯାଇଥିବା ଜମିରେ ଯଦି କୌଣସି ଘାସମରା ଔଷଧ ପ୍ରୟୋଗ କରାଯାଇ ନାହିଁ ତେବେ ଘାସ ନିୟନ୍ତ୍ରଣ ପାଇଁ ସେହି ଜମିରେ ୭ ରୁ ୧୦ ସେ.ମି. ଠିଆ ପାଣି ବାନ୍ଧିରଖି ବେଉଷଣି କରନ୍ତୁ ଏବଂ ଏକର ପିଛା ୩୬ କି.ଗ୍ରା. ୟୁରିଆ ପିଲସାର ଭାବେ ପ୍ରୟୋଗ କରନ୍ତୁ ।
- ଚାଷୀଭାଇମାନେ ଧାନ ଚାଷ ସମ୍ପର୍କରେ ଅଧିକ ସୂଚନା ବା ବିବରଣୀ ଜାଣିବା ପାଇଁ ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ ଦ୍ୱାରା ବିକଶିତ ରାଇସ୍ ଏକ୍ସପୋର୍ଟ ମୋବାଇଲ ଆପ୍ (riceXpert) ଗୁଗୁଲ୍ ପ୍ଲେଷ୍ଟୋରରୁ ଡାଉନ୍‌ଲୋଡ କରି ବ୍ୟବହାର କରିପାରିବେ ।

*******